# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 592 CUTTACK, SATURDAY, APRIL 2, 2016/CHAITRA 13, 1938**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 16 ମାର୍ଚ୍ଚ 2016

ସଂଖ୍ୟା 8449—RDM-LAA-MBJ-0010/2016-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମୟୂରଭଞ୍ଜ ଜିଲ୍ଲାର ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ହଳଦିଆ ଦକ୍ଷିଣପାର୍ଶ୍ୱ ମୁଖ୍ୟ କେନାଲ ଓ ଜାମଦା ଡିଷ୍ଟ୍ରିବ୍ୟୁଟାରୀ ନିମନ୍ତେ ମୌଜା ଖୁକୁଣ୍ଡିଆ, ଥାନା କୋଳିଅଣା ନଂ.-୧୪୬, ତହସିଲ କୋଳିଅଣା, ଜିଲ୍ଲା ମୟୂରଭଞ୍ଜରେ ନିମ୍ନ ତଫସିଲମତେ ପ୍ରାୟ 0.86 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ ବେତନଟୀ ଡିଷ୍ଟ୍ରିବ୍ୟୁଟାରୀ ଓ ଜାମଦା ଡିଷ୍ଟ୍ରିବ୍ୟୁଟାରୀ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ବେତନଟୀ କେନାଲ ଡିଭିଜନ, ଲକ୍ଷ୍ମୀପୋଷି, ମୟୂରଭଞ୍ଜ ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପ ଜିଲ୍ଲାପାଳ, ମୟୂରଭଞ୍ଜ ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ମୟୂରଭଞ୍ଜ | କୋଳିଅଣା | ଖୁକୁଣ୍ଡିଆ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୧.୦୭ ଏକର | ୦.୮୬ ଏକର | ଏଥିସହିତ ସଂଲଗ୍ନ |

- ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ଏ. ୦.୮୬ ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ମହାମଣ୍ଡଳ ଅଧିକାରୀ ନଂ. -୨, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପ, ବାରିପଦା, ମୟୂରଭଞ୍ଜଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ୱା ଦାୟ ସୃଷ୍ଟି ମୟୂରଭଞ୍ଜ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 ଦିନ ମଧ୍ୟରେ ମୟୂରଭଞ୍ଜ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଭୂମି ଅନୁସୂଚୀ**

| ଖାତା ନଂ. ଓ ସତ୍ୱ | ପ୍ଲଟ୍ ନଂ. | ଆକ୍ୟୁଆର ରକବା | କିସମ | ମନ୍ତବ୍ୟ |
|---|---|---|---|---|
| (1) | (2) | (3) | (4) | (5) |
| | | ଏକର | | |
| **ସମପରିମାଣ ଗୋଚର ପ୍ରତିବଦଳ** | | | | |
| 25 | 702 | 0.07 | ଶାରଦ ତିନି | |
| 52 | 704 | 0.24 | ଶାରଦ ତିନି | |
| 60 | 707 | 0.19 | ଶାରଦ ତିନି | |
| | 705 | 0.36 | ଶାରଦ ଦୁଇ | |
| | ମୋଟ .. | **0.86** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 12—173+20